ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

News ID-IPR/SME(OD)/121/06-02-2025

## ମୁଖ୍ୟମନ୍ତ୍ରୀଙ୍କ କରକମଳରୁ ନିଯୁକ୍ତିପତ୍ର ପାଇବେ
## ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗର ୨୭୬୭ ଜଣ ଅଧକ୍ଷ, ଶିକ୍ଷକ-ଶିକ୍ଷୟିତ୍ରୀ, କନିଷ୍ଠ ସହାୟକ ଓ ସମୀକ୍ଷକ

ଭୁବନେଶ୍ୱର, ୦୬/୦୨/୨୦୨୫

ରାଜ୍ୟର ଶିକ୍ଷା ବ୍ୟବସ୍ଥାକୁ ସୁଦୃଢ଼ କରି ରାଜ୍ୟରେ ନିଯୁକ୍ତି ସୁଯୋଗ ସୃଷ୍ଟି କରିବା ହେଉଛି ଆମ ରାଜ୍ୟ ସରକାରଙ୍କ ପ୍ରାଥମିକତା । ଏହିକ୍ରମରେ ଭୁବନେଶ୍ୱର ୟୁନିଟ-୩ ସ୍ଥିତ କ୍ୟାପିଟାଲ୍ ହାଇସ୍କୁଲ ପଡ଼ିଆଠାରେ ଆସନ୍ତାକାଲି ଆୟୋଜିତ ହେବ ନିଯୁକ୍ତି ମେଳା । ଏହି ନିଯୁକ୍ତି ମେଳା ମାଧମରେ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗର ମୋଟ୍ ୨୭୬୭ ଜଣଙ୍କୁ ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ମୋହନ ଚରଣ ମାଝୀ ନିଯୁକ୍ତିପତ୍ର ପ୍ରଦାନ କରିବେ ।

ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗର ଓଡ଼ିଶା ଆଦର୍ଶ ବିଦ୍ୟାଳୟ ଓ ଓଡ଼ିଶା ମାଇନିଂ ଆଦର୍ଶ ବିଦ୍ୟାଳୟ ନିମନ୍ତେ ୮୯୪ ଜଣ ଅଧକ୍ଷ ଏବଂ ଶିକ୍ଷକ-ଶିକ୍ଷୟିତ୍ରୀଙ୍କୁ ନିଯୁକ୍ତିପତ୍ର ପ୍ରଦାନ କରାଯିବାକୁ ଥିବା ବେଳେ ପୂର୍ଣ୍ଣ ଅନୁଦାନପ୍ରାପ୍ତ ବେସରକାରୀ ଉଚ୍ଚ ବିଦ୍ୟାଳୟର ୧୭୯୮ ଜଣ ଶିକ୍ଷକ-ଶିକ୍ଷୟିତ୍ରୀ, ଉଚ୍ଚ ମାଧମିକ ଶିକ୍ଷା ପରିଷଦର ୨୮ ଜଣ କନିଷ୍ଠ ସହାୟକ, ଉଚ୍ଚ ମାଧମିକ ଶିକ୍ଷା ନିର୍ଦ୍ଦେଶାଳୟର ୨୭ ଜଣ କନିଷ୍ଠ ସହାୟକ, ମାଧମିକ ଶିକ୍ଷା ପରିଷଦର ୧୮ ଜଣ କନିଷ୍ଠ ସହାୟକ ଓ ଉଚ୍ଚ ମାଧମିକ ଶିକ୍ଷା ନିର୍ଦ୍ଦେଶାଳୟର ଅଧିନରେ ୨ ଜଣ ସମୀକ୍ଷକଙ୍କୁ ଏହି ଅବସରରେ ନିଯୁକ୍ତିପତ୍ର ପ୍ରଦାନ କରିବେ ।

ନିଯୁକ୍ତି ମେଳା ସମାରୋହରେ ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ମୋହନ ଚରଣ ମାଝୀ ମୁଖ୍ୟ ଅତିଥି ଭାବେ ଯୋଗଦେବାକୁ ଥିବାବେଳେ ମାନ୍ୟବର ଉପମୁଖ୍ୟମନ୍ତ୍ରୀ ଶ୍ରୀମତୀ ପ୍ରଭାତୀ ପରିଡ଼ା, ବିଦ୍ୟାଳୟ ଓ ଗଣଶିକ୍ଷା, ଅନୁସୂଚିତ ଜନଜାତି, ଅନୁସୂଚିତ ଜାତି ଉନ୍ନୟନ, ସଂଖ୍ୟାଲଘୁ ସମ୍ପ୍ରଦାୟ ଓ ପଛୁଆ ବର୍ଗ କଲ୍ୟାଣ ବିଭାଗ ମନ୍ତ୍ରୀ ଶ୍ରୀଯୁକ୍ତ ନିତ୍ୟାନନ୍ଦ ଗଣ୍ଡ, ସ୍ୱାସ୍ଥ୍ୟ ମନ୍ତ୍ରୀ ଡଃ ମୁକେଶ ମହାଲିଙ୍ଗ, ଗୃହ ନିର୍ମାଣ ଓ ନଗରଉନ୍ନୟନ ବିଭାଗ ମନ୍ତ୍ରୀ ଡଃ କୃଷ୍ଣଚନ୍ଦ୍ର ମହାପାତ୍ର, ଦକ୍ଷତା ଓ ବୈଷୟିକ ଶିକ୍ଷା ବିଭାଗ ମନ୍ତ୍ରୀ ଶ୍ରୀଯୁକ୍ତ ସମ୍ପଦ ଚନ୍ଦ୍ର ସ୍ୱାଇଁ, ମୁଖ୍ୟ ଶାସନ ସଚିବ ଶ୍ରୀଯୁକ୍ତ ମନୋଜ ଆହୁଜା, ଉନ୍ନୟନ କମିଶନର ତଥା ଅତିରିକ୍ତ ଶାସନ ସଚିବ ଶ୍ରୀମତୀ ଅନୁ ଗର୍ଗଙ୍କ ସମେତ ବିଭିନ୍ନ ବିଭାଗର ସଚିବ ମଧ ଉପସ୍ଥିତ ରହିବେ ।

ରାଜ୍ୟ ସରକାର ଆଗାମୀ ୫ ବର୍ଷରେ ଓଡିଶାର ସାମଗ୍ରିକ ବିକାଶ ଲକ୍ଷ୍ୟ ରଖିଛନ୍ତି । ସଂସ୍କାର, ପ୍ରଦର୍ଶନ ଏବଂ ରୂପାନ୍ତରଣ ଦ୍ୱାରା ଓଡ଼ିଶାରେ ଦ୍ରୁତ ବିକାଶର ଧାରା ସୃଷ୍ଟି ହେବା ସହ ବିକଶିତ ଭାରତ ଗଠନ ଲକ୍ଷ୍ୟରେ ସମୃଦ୍ଧ, ସଶକ୍ତ ଓ ବିକଶିତ ଓଡ଼ିଶା ନିର୍ମାଣ ସହିତ ଯୁବଶକ୍ତିଙ୍କୁ ସୁଯୋଗ ଦେବା ପାଇଁ ନିଯୁକ୍ତି ମେଳାର ଆୟୋଜନ ।

ରୋଜାଲିନ୍ ସାହୁ
ଲୋକସମ୍ପର୍କ ଅଧିକାରୀ
ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ